ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1406/08-03-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୦୮ ମାର୍ଚ୍ଚ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଆଜି ଆନ୍ତର୍ଜାତିକ ମହିଳା ଦିବସ ଅବସରରେ ଭିଡ଼ିଓ କନ୍‌ଫରେନ୍ସ ମାଧ୍ୟମରେ କେତେକ ନୂଆ ପୋର୍ଟାଲ୍, ମିଶନ ଶକ୍ତି ୱେବ୍‌ସାଇଟ୍, ମୋବାଇଲ୍ ଆପ୍, ବ୍ୟାଙ୍କମାନଙ୍କ ଋଣ ପ୍ରଦାନ ସଂପର୍କିତ ଏକ ସ୍ୱତନ୍ତ୍ର ପୋର୍ଟାଲ୍ ଏବଂ ଡାଆଣୀ କୁପ୍ରଥାର ବିଲୋପ ପାଇଁ ଆଇଇସି ପ୍ୟାକେଜ୍ ଉନ୍ମୋଚନ କରିଛନ୍ତି । ସେ କହିଛନ୍ତି ଯେ ୨୦୦୧ ମାର୍ଚ୍ଚ ୮ ତାରିଖରେ ଲାଗିଥିବା ମିଶନ ଶକ୍ତି ନାମକ ଗୋଟିଏ ଚାରା ଆଜି ଏକ ବିରାଟ ବୃକ୍ଷରେ ପରିଣତ ହୋଇ ୮୦ ଲକ୍ଷ ମା'ମାନଙ୍କୁ ଆଶା ପ୍ରଦାନ କରୁଛି । ମାନ୍ୟବର ମୁଖ୍ୟମନ୍ତ୍ରୀ ମଧ୍ୟ ଝାରସୁଗୁଡ଼ା, ଯାଜପୁର ଓ ଭୁବନେଶ୍ୱରଠାରେ ତିନୋଟି କର୍ମଜୀବୀ ମହିଳା ହଷ୍ଟେଲ୍ ଉଦ୍‌ଘାଟନ କରିଛନ୍ତି ।

  - ମାନ୍ୟବର ମୁଖ୍ୟମନ୍ତ୍ରୀ ପୁଣି କହିଛନ୍ତି ଯେ ମିଶନ ଶକ୍ତିର ସଫଳତା ରାଜ୍ୟର ମହିଳାମାନଙ୍କୁ ପ୍ରେରଣା ଦେବ ଏବଂ ଖୁବ୍‌ଶୀଘ୍ର ଏକ କୋଟି ମହିଳାଙ୍କର ଏକ ବିରାଟ ଆନ୍ଦୋଳନରେ ପରିଣତ ହୋଇ ରାଜ୍ୟର ଘରେ ଘରେ ସଶକ୍ତ ଓଡ଼ିଶାର ବାର୍ତ୍ତା ଦେବ । ଏକ ସାମାଜିକ-ଅର୍ଥନୈତିକ ଆନ୍ଦୋଳନ ଭାବରେ ମିଶନ ଶକ୍ତି ଗ୍ରାମୀଣ ଅର୍ଥନୀତିକୁ ଚଳଚଞ୍ଚଳ କରିପାରିଥିବାରୁ ମାନ୍ୟବର ମୁଖ୍ୟମନ୍ତ୍ରୀ ସନ୍ତୋଷ ବ୍ୟକ୍ତ କରିଛନ୍ତି । ସେ ମିଶନ ଶକ୍ତିର ମା'ମାନଙ୍କଠାରୁ ଆରମ୍ଭ କରି ଅଙ୍ଗନବାଡ଼ି କର୍ମୀ, ଆଶାକର୍ମୀ ଓ ସ୍ୱାସ୍ଥ୍ୟକର୍ମୀମାନଙ୍କୁ କୋଭିଡ୍ ମୁକାବିଲା ସମୟରେ ଦାୟିତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରିଥିବାରୁ ଧନ୍ୟବାଦ ଜଣାଇଛନ୍ତି ।

  - ମାନ୍ୟବର ମନ୍ତ୍ରୀ, ମହିଳା ଓ ଶିଶୁ ବିକାଶ ଏବଂ ମିଶନ ଶକ୍ତି ଶ୍ରୀମତୀ ଟୁକୁନି ସାହୁ, ମିଶନ ଶକ୍ତିର ଉପଦେଷ୍ଟା, ରାଜ୍ୟ ମହିଳା କମିଶନରର ଅଧ୍ୟକ୍ଷା, ରାଜ୍ୟ ଶିଶୁ ସୁରକ୍ଷା କମିଶନର ଅଧ୍ୟକ୍ଷା, ମୁଖ୍ୟ ଶାସନ ସଚିବ ଶ୍ରୀ ସୁରେଶ ଚନ୍ଦ୍ର ମହାପାତ୍ର, ଉନ୍ନୟନ କମିଶନର ଶ୍ରୀ ପ୍ରଦୀପ କୁମାର ଜେନା, ମହିଳା ଓ ଶିଶୁ ବିକାଶ ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀମତୀ ଅନୁ ଗର୍ଗ, ମିଶନ ଶକ୍ତିର କମିଶନର ତଥା ନିର୍ଦ୍ଦେଶିକା ଶ୍ରୀମତୀ ସୁଜାତା କାର୍ତ୍ତିକେୟନ, ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ସଚିବ (୫-'ଟି') ଶ୍ରୀ ଭି.କେ. ପାଣ୍ଡିଆନ୍ ଓ ରାଜ୍ୟ ଶିଶୁ କଲ୍ୟାଣ ପରିଷଦର ସଦସ୍ୟା ସଚିବ ପ୍ରମୁଖ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଆନ୍ତର୍ଜାତିକ ମହିଳା ଦିବସ ଅବସରରେ ସମାଜର ବିଭିନ୍ନ କ୍ଷେତ୍ରରେ ବହୁମୂଲ୍ୟ ଅବଦାନ ରଖିଥିବା ରାଜ୍ୟର ମହିଳାମାନଙ୍କ ପ୍ରତି ଗଭୀର ସମ୍ମାନ ଜଣାଇଛନ୍ତି । କୋଭିଡ୍ ମୁକାବିଲାରେ

ମହିଳାଙ୍କ ନେତୃତ୍ୱକୁ ସେ ପ୍ରଶଂସା କରିବା ସହ ନୂଆ ଓଡ଼ିଶା ଗଠନରେ ସେମାନେ ଅଗ୍ରଣୀ ଭୂମିକା ନେବେ ବୋଲି କହିଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୪,୯୨,୧୫୧ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୭,୮୦୩ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୫, ୦୮୦ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୭ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା 753 ରହିଛି ।
- 753 ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**